# The Odisha Gazette

EXTRAORDINARY

PUBLISHED BY AUTHORITY

No. 40 CUTTACK, FRIDAY, JANUARY 1, 2016/PAUSA 11, 1937

## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଘୋଷଣା

ତାରିଖ 26 ଅକ୍ଟୋବର 2015

ସଂଖ୍ୟା 29996—RDM-LAB-NPD-0068-2013-ରାବିପ.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ନିମ୍ନ ଇନ୍ଦ୍ର ଜଳସେଚନ ପ୍ରକଳ୍ପର ବେହେରାବାହାଲି ସବ୍‌ମାଇନର ନିମନ୍ତେ ସରକାର ସରକାରୀ ବ୍ୟୟରେ ମୌଜା ସାଗୁନଭାଡ଼ି, ଥାନା ବଙ୍ଗୋମୁଣ୍ଡା, ତହସିଲ ଟିଟିଲାଗଡ଼, ଜିଲ୍ଲା ବଲାଙ୍ଗିରରେ ତୁରନ୍ତ ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ; ତେଣୁ ଏତଦ୍ୱାରା ଘୋଷଣା କରାଯାଉଛି କି ଉକ୍ତ ଉଦ୍ଦେଶ୍ୟରେ ପ୍ରାୟ 3.90 ଏକର ପରିମିତ ଭୂମି ଉପରୋକ୍ତ ଗ୍ରାମରେ ଆବଶ୍ୟକ ହେଉଅଛି ।

ଭୂ-ଅର୍ଜନ (ସଂଶୋଧିତ) ଆଇନ୍, 1984 ଦ୍ୱାରା ସଂଶୋଧିତ ହେବା ପ୍ରକାରେ 1894 ର ଅଧିନିୟମ 1ର ଧାରା 6 ର ବ୍ୟବସ୍ଥାନୁଯାୟୀ ପ୍ରଣୀତ ଏହି ଘୋଷଣାଟି ଏଥିସହିତ ସଂପୃକ୍ତ ସମସ୍ତଙ୍କପାଇଁ ପ୍ରଯୁଜ୍ୟ ଅଟେ ।

ଭୂ-ଅର୍ଜନ ଆଇନ୍‌ର 4(1) ଧାରା ଅନୁଯାୟୀ ଅଧିସୂଚନା ସଂଖ୍ୟା 36447-ରାବିପ., ତା 23 ସେପ୍ଟେମ୍ବର 2013 ରିଖ ଏବଂ ରାଜପତ୍ର ସଂଖ୍ୟା 2037, ତା 21 ଅକ୍ଟୋବର 2013 ରିଖରେ ପ୍ରକାଶିତ ହୋଇଥିବା ଭୂମି ଅନୁସୂଚୀ ଉକ୍ତ ଘୋଷଣାନାମା ଅନ୍ତର୍ଭୁକ୍ତ ଅଟେ ।

ଉକ୍ତ ଭୂମିର ଏକ ନକ୍ସା, ବଲାଙ୍ଗିର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟରେ କାର୍ଯ୍ୟ ଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଅଭୟ କୁମାର ନାୟକ**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz. 1341—173+20